# 5th BIMSTEC Summit

March 30, 2022

# ପଞ୍ଚମ ବିମଷ୍ଟେକ ଶିଖର ସମ୍ମିଳନୀ

ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦୀ ଆଜି ପଞ୍ଚମ ବିମଷ୍ଟେକ (ବଙ୍ଗୋପସାଗର ବହୁକ୍ଷେତ୍ରୀୟ ବୈଷୟିକ ଏବଂ ଆର୍ଥିକ ସହଯୋଗ ପଦକ୍ଷେପ) ସମ୍ମିଳନୀରେ ଆଭାସି ମାଧ୍ୟମରେ ଅଂଶ ଗ୍ରହଣ କରିଛନ୍ତି । ବର୍ତ୍ତମାନ ଶ୍ରୀଲଙ୍କା ବିମଷ୍ଟେକର ଅଧ୍ୟକ୍ଷ ରହିଛି ।

ପଞ୍ଚମ ବିମଷ୍ଟେକ ଶିଖର ସମ୍ମିଳନୀ ଆରମ୍ଭ ପୂର୍ବରୁ ବରିଷ୍ଠ ଅଧିକାରୀ ଓ ବିଦେଶ ମନ୍ତ୍ରୀସ୍ତରୀୟ ବୈଠକ ଗତ ୨୮ ଓ ୨୯ ତାରିଖ ଦୁଇ ଦିନ ଧରି ହାଇବ୍ରିଡ ମୋଡରେ କଲମ୍ବୋଠାରେ ଅନୁଷ୍ଠିତ ହୋଇଥିଲା । ଶିଖର ସମ୍ମିଳନୀର ବାର୍ତ୍ତାଥିଲା "ଏକ ନମନୀୟ ଅଞ୍ଚଳ ଅଭିମୁଖେ, ସମୃଦ୍ଧ ଅର୍ଥନୀତି ଓ ସୁସ୍ଥ ଜନସାଧାରଣ" । ସଦସ୍ୟ ଦେଶଗୁଡିକ ମଧ୍ୟରେ ସହଯୋଗ ବୃଦ୍ଧି ସହ କୋଭିଡ-୧୯ ବୈଶ୍ୱିକ ମହାମାରୀ କାଳରେ ବିଭିନ୍ନ ଆର୍ଥିକ ଓ ବିକାଶମୂଳକ କାର୍ଯ୍ୟର ମିଳିମିଶି କାର୍ଯ୍ୟକ୍ରମ । ଶିଖର ସମ୍ମିଳନୀର ମୁଖ୍ୟ ନିର୍ଯ୍ୟାସ ହେଉଛି ବିମଷ୍ଟେକ ସନନ୍ଦର ରାଜିନାମା ଯେଉଁଥିରେ ବଙ୍ଗୋପସାଗର ଉପରେ ନିର୍ଭରଶୀଳ ତଟବର୍ତ୍ତୀ ଦେଶଗୁଡିକର ସହଯୋଗ ଭିତ୍ତିରେ କାର୍ଯ୍ୟକ୍ରମ ଗ୍ରହଣ ।

ଶିଖର ବୈଠକ ବିମଷ୍ଟେକ ସଦସ୍ୟ ରାଷ୍ଟ୍ରଗୁଡିକ ମଧ୍ୟରେ ପାରସ୍ପରିକ ସହଯୋଗ ନେଇ ଉଲ୍ଲେଖନୀୟ ପ୍ରଗତି ଘଟିଛି । ପରିବହନ ସଂଯୋଗ ପାଇଁ ଦେଶମାନଙ୍କ ମାଷ୍ଟର ପ୍ଲାନ ଓ ଭବିଷ୍ୟତ ମାର୍ଗଦର୍ଶିକା ନେଇ ମଧ୍ୟ ଆଲୋଚନା ହୋଇଛି ।

ଏଥିରେ ପ୍ରଧାନମନ୍ତ୍ରୀ ବିମଷ୍ଟେକ କ୍ରମବର୍ଦ୍ଧିଷ୍ଣୁ ଆଞ୍ଚଳିକ ଯୋଗାଯୋଗ ଓ ସୁରକ୍ଷା ବ୍ୟତୀତ ଅନେକ ପ୍ରସ୍ତାବ ମଧ୍ୟ ଦେଇଛନ୍ତି । ପ୍ରଧାନମନ୍ତ୍ରୀ ସହଯୋଗୀ ନେତୃବୃନ୍ଦଙ୍କୁ ବଙ୍ଗୋପସାଗରକୁ ସଂଯୋଗର ସେତୁ, ସମୃଦ୍ଧି ଓ ସୁରକ୍ଷା ପ୍ରାଚୀରରେ ରୂପାନ୍ତରିତ କରିବାକୁ ଆହ୍ୱାନ ଦେଇଛନ୍ତି ।

ପ୍ରଧାନମନ୍ତ୍ରୀ ଓ ଅନ୍ୟାନ୍ୟ ନେତୃବୃନ୍ଦଙ୍କ ଉପସ୍ଥିତିରେ ସହଯୋଗ ଉପରେ ଆଧାରିତ ତିନୋଟି ବିମଷ୍ଟେକ ରାଜିନାମା ମଧ୍ୟ ସ୍ୱାକ୍ଷରିତ ହୋଇଛି । ସେଗୁଡିକ ହେଲା - ଫୌଜଦାରୀ ବ୍ୟାପାରରେ ପାରସ୍ପରିକ ଆଇନ ସହାୟତା ନେଇ ବିମଷ୍ଟେକ ଅଧିବେଶନ, କୂଟନୀତିକ ତାଲିମ ନେଇ ପାରସ୍ପରିକ ସହଯୋଗ ସମ୍ପର୍କିତ ବିମଷ୍ଟେକ ବୁଝାମଣାପତ୍ର ଓ ବିମଷ୍ଟେକ ବୈଷୟିକ ଜ୍ଞାନ ବିନିମୟ ସଂକ୍ରାନ୍ତ ବୁଝାମଣା ପତ୍ର ।

ନୂଆଦିଲ୍ଲୀ

ମାର୍ଚ୍ଚ ୩୦, ୨୦୨୨

DISCLAIMER: This is an approximate translation. The original is available in English on MEA's website and may be referred to as the official press release.